# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 27 July – 2025

*********************************************************

# ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟାରେ ଆକାଶବାଣୀର 'ମନ୍ କୀ ବାତ୍' କାର୍ଯ୍ୟକ୍ରମରେ ୧୨୪ତମ ସଂସ୍କରଣରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଏହି କାର୍ଯ୍ୟକ୍ରମ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

# ମୁଖ୍ୟମନ୍ତ୍ରୀ-ଅଟଳ ପ୍ରତିଭା ସମ୍ମାନ

ପୂର୍ବତନ ପ୍ରଧାନମନ୍ତ୍ରୀ ଅଟଳ ବିହାରୀ ବାଜପେୟୀଙ୍କ ସମୟରେ ସଡକ ଓ ରେଳପଥ ଯୋଗାଯୋଗ ଏବଂ ଶିକ୍ଷା ଓ ଔଦ୍ୟୋଗିକ କ୍ଷେତ୍ରରେ ରୂପାନ୍ତରଣ ଯୁଗର ଆରମ୍ଭ ହୋଇଥିଲା ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ଜୟଦେବ ଭବନଠାରେ ଗତ ସନ୍ଧ୍ୟାରେ ଅଟଳ ପ୍ରତିଭା ସମ୍ମାନ-୨୦୨୫ ସମାରୋହରେ ଯୋଗଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି,

ଯୁବବର୍ଗ ବର୍ତ୍ତମାନର ନୈତିକ ଶକ୍ତି ଏବଂ ପରିବର୍ତ୍ତନର ନାୟକ ବୋଲି ଅଟଳଜୀ ବିଶ୍ୱାସ କରୁଥିଲେ । ତାଙ୍କ ନୀତି, ଆଦର୍ଶ ଏବଂ ଦେଶପ୍ରେମ ସମସ୍ତଙ୍କୁ ପ୍ରେରଣା ଯୋଗାଉଛି ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି ।

## ଶିକ୍ଷାର୍ଥୀଙ୍କ ମାର୍ଗଦର୍ଶିକା

ବିଦ୍ୟାଳୟରେ ଶିକ୍ଷାର୍ଥୀଙ୍କ ନିରାପତ୍ତାକୁ ଦୃଷ୍ଟିରେ ରଖି ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳକୁ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି । ବିଦ୍ୟାଳୟଗୁଡିକରେ ନିରାପତ୍ତା ଯାଞ୍ଚ ବାଧ୍ୟତାମୂଳକ ବୋଲି ମାର୍ଗଦର୍ଶିକାରେ କୁହାଯାଇଛି । ଶିକ୍ଷାର୍ଥୀଙ୍କ ମନସ୍ତାତ୍ତ୍ୱିକ ବିକାଶ ପାଇଁ ପଦକ୍ଷେପ ନେବାକୁ ପରାମର୍ଶ ଦିଆଯାଇଛି । ବିଦ୍ୟାଳୟରେ ବିପଦର ଆଶଙ୍କା ଥିଲେ ଅଭିଭାବକ ଓ ସ୍ଥାନୀୟ ବ୍ୟକ୍ତିବିଶେଷ ଏ ସମ୍ପର୍କରେ ଅବଗତ କରାଇ ପାରିବେ ବୋଲି ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ।


## ଶିକ୍ଷାର୍ଥୀଙ୍କ ମାର୍ଗଦର୍ଶିକା

ବିଦ୍ୟାଳୟରେ ଶିକ୍ଷାର୍ଥୀଙ୍କ ନିରାପତ୍ତାକୁ ଦୃଷ୍ଟିରେ ରଖି ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳକୁ କେନ୍ଦ୍ର ଶିକ୍ଷା ମନ୍ତ୍ରଣାଳୟ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି । ବିଦ୍ୟାଳୟଗୁଡିକରେ ନିରାପତ୍ତା ଯାଞ୍ଚ ବାଧ୍ୟତାମୂଳକ ବୋଲି ମାର୍ଗଦର୍ଶିକାରେ କୁହାଯାଇଛି । ଶିକ୍ଷାର୍ଥୀଙ୍କ ମନସ୍ତାତ୍ତ୍ୱିକ ବିକାଶ ପାଇଁ ପଦକ୍ଷେପ ନେବାକୁ ପରାମର୍ଶ ଦିଆଯାଇଛି । ବିଦ୍ୟାଳୟରେ ବିପଦର ଆଶଙ୍କା ଥିଲେ ଅଭିଭାବକ ଓ ସ୍ଥାନୀୟ ବ୍ୟକ୍ତିବିଶେଷ ଏ ସମ୍ପର୍କରେ ଅବଗତ କରାଇ ପାରିବେ ବୋଲି ମନ୍ତ୍ରଣାଳୟ ପକ୍ଷରୁ କୁହାଯାଇଛି ।

# ଜାତୀୟ ଶିକ୍ଷାନୀତି

ଜାତୀୟ ଶିକ୍ଷାନୀତି ଆଧାରରେ ଶିକ୍ଷା ଭିତ୍ତିଭୂମିକୁ ସୁଦୃଢ କରିବା ଉପରେ ସରକାର ଗୁରୁତ୍ୱ ପ୍ରଦାନ କରୁଛନ୍ତି ବୋଲି ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି କହିଛନ୍ତି । କଟକଠାରେ ଉତ୍କଳ ସାହିତ୍ୟ ସମାଜର ୧୨୩ତମ ବାର୍ଷିକ ସମାବର୍ତ୍ତନ ସମାରୋହରେ ଯୋଗଦେଇ ବର୍ତ୍ତମାନର ଆଧୁନିକ ସମୟରେ ଆଞ୍ଚଳିକ ସାହିତ୍ୟର ଉନ୍ନତି ପାଇଁ ସାମୂହିକ ଉଦ୍ୟମର ଆବଶ୍ୟକତା ଉପରେ ଗୁରୁତ୍ୱ ଦେଇଛନ୍ତି । ଆନ୍ଧ୍ରପ୍ରଦେଶ ଏବଂ ଛତିଶଗଡର ପୂର୍ବତନ ରାଜ୍ୟପାଳ ବିଶ୍ୱ ଭୂଷଣ ହରିଚନ୍ଦନଙ୍କୁ ସମାରୋହରେ ଉତ୍କଳ ରତ୍ନ  ସମ୍ମାନରେ ସମ୍ମାନୀତ କରାଯାଇଛି ।

# ସୁଭଦ୍ରା ଯୋଜନା

ସୁଭଦ୍ରା ଯୋଜନାର ତୃତୀୟ କିସ୍ତି ଅର୍ଥ ଆସନ୍ତା ମାସ ୯ତାରିଖରେ ପ୍ରଦାନ କରାଯିବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି । କୋରାପୁଟ ଜୟପୁରଠାରେ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଡିବିଟି ମାଧ୍ୟମରେ ଅର୍ଥ ପ୍ରଦାନ କରାଯିବ । ରାଜ୍ୟର ଏକ କୋଟିରୁ ଉର୍ଦ୍ଧ୍ୱ ମହିଳା ଯୋଜନାର ସୁଫଳ ପାଇବେ । ପୁରୀ ଶ୍ରୀମନ୍ଦିରରେ ଶ୍ରୀଜୀଉଙ୍କ ଦର୍ଶନ ପରେ ଗଣମାଧ୍ୟମକୁ ସୂଚନା ଦେଇ ଶ୍ରୀମତୀ ପରିଡା ଏହା କହିଛନ୍ତି ।

# ସଡକ ଦୁର୍ଘଟଣା

ନୟାଗଡ ଜିଲ୍ଲା ଦଶପଲ୍ଲା ବ୍ଲକ ଟାକରା ନିକଟରେ ଏକ ସଡକ ଦୁର୍ଘଟଣାରେ ୩ଜଣଙ୍କର ମୃତ୍ୟୁ ହୋଇଛି । ଖୋର୍ଦ୍ଧା-ବଲାଙ୍ଗୀର ୫୭ନମ୍ବର ଜାତୀୟ ରାଜପଥରେ ଦୁଇଟି ଟ୍ରକ ମୁହାଁମୁହିଁ ଧକ୍କା ହେବାରୁ ଏହି ଦୁର୍ଘଟଣା ଘଟିଛି । ଦୁର୍ଘଟଣାରେ ୩ଜଣ ଆହତ ହୋଇଛନ୍ତି । ଦୁର୍ଘଟଣାଗ୍ରସ୍ତ ଟ୍ରକ ଦୁଇଟିକୁ ଜବତ କରାଯିବା ସହିତ ଘଟଣାର ତଦନ୍ତ ଜାରି ରହିଥିବା ପୁଲିସ କହିଛି ।

# ସଚେତନତା କର୍ମଶାଳା

ଗଞ୍ଜାମ ଜିଲ୍ଲା ଖଲିକୋଟ ଏକକ ବିଶ୍ୱବିଦ୍ୟାଳୟଠାରେ ମହିଳା ନିର୍ଯାତନା ନିବାରଣ ଆଇନ-୨୦୧୩ ସମ୍ପର୍କୀତ ଏକ ସଚେତନତା କର୍ମଶାଳା ଗତକାଲି ଅନୁଷ୍ଠିତ ହୋଇଯାଇଛି । ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ଡକ୍ଟର ମନୋଜ କୁମାର ପଟ୍ଟନାୟକଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କର୍ମଶାଳାରେ ଏମ.କେ.ସି.ଜି. ମେଡିକାଲ କଲେଜ ଓ ହସ୍‌ପିଟାଲର ମାନସିକ ରୋଗ ବିଭାଗ ପ୍ରାଧ୍ୟାପିକା ଡାକ୍ତର ସ୍ୱାତୀ ମିଶ୍ର ଯୋଗଦେଇ  ଲିଙ୍ଗଗତ ସମ୍ବେଦନଶୀଳତା ଏବଂ ଆଇନ ସମ୍ପର୍କରେ ଆଲୋଚନା କରିଥିଲେ ।

# ବନ୍ୟା

ଉପର ମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ରାଜ୍ୟର ବିଭିନ୍ନ ନଦୀରେ ଜଳସ୍ତର ବୃଦ୍ଧି ପାଇବାରେ ଲାଗିଛି । ଅବପାତ ପ୍ରଭାବରେ ମୟୂରଭଞ୍ଜ, କେନ୍ଦୁଝର ଏବଂ ସୁନ୍ଦରଗଡ ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ପ୍ରବଳରୁ ଅତି ପ୍ରବଳ ବର୍ଷା ହୋଇଛି ।

ଏ ସମ୍ପର୍କରେ ଏକ ରିପୋର୍ଟ :

ଭଦ୍ରକ, ବାଲେଶ୍ୱର ଓ ମୟୂରଭଞ୍ଜ ଏବଂ କେନ୍ଦୁଝର ଜିଲ୍ଲାର ତଳିଆ ଅଞ୍ଚଳରେ ବନ୍ୟା ଜଳ ପ୍ରବେଶ କରିବା ସହ ବହୁ ଅଞ୍ଚଳ ପ୍ରଭାବିତ ହୋଇଛି । ଭଦ୍ରକ ଜିଲ୍ଲା ଆଖୁଆପଦା ଠାରେ ବୈତରଣୀ ନଦୀର ଜଳସ୍ତର ବିପଦ ସଙ୍କେତ ଉପରେ ପ୍ରବାହିତ ହେଉଛି । ଜିଲ୍ଲାର ସାତୋଟି ବ୍ଲକର ଶତାଧିକ ପଞ୍ଚାୟତ ବନ୍ୟାଜଳ ଦ୍ୱାରା ପ୍ରଭାବିତ ହୋଇଛି । ଉଚ୍ଚ ଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୁରଜ ସେହି ଅଞ୍ଚଳ ପରିଦର୍ଶନ କରିବା ସହ ସ୍ଥିତିର ସମୀକ୍ଷା କରିଛନ୍ତି । ପ୍ରଭାବିତ ଅଞ୍ଚଳରେ ରିଲିଫ ଏବଂ ଉଦ୍ଧାର କାର୍ଯ୍ୟକୁ ତ୍ୱରାନ୍ୱିତ କରିବାକୁ ସେ ଜିଲ୍ଲା ପ୍ରଶାସନକୁ ପରାମର୍ଶ ଦେଇଛନ୍ତି ।

**V/O**

# ହୀରାକୁଦ

ହୀରାକୁଦ ଜଳଭଣ୍ଡାରର ଜଳସ୍ତର ସକାଳ ୬ଟା ସୁଦ୍ଧା ୬୧୩ଦଶମିକ ୭/୩ଘନଫୁଟ ରହିଛି । ପ୍ରତି ସେକେଣ୍ଡେରେ ଜଳ ଭଣ୍ଡାର ମଧ୍ୟକୁ ୫ଲକ୍ଷ ୪୨ହଜାର ୪୪୮ଘନଫୁଟ ଜଳ ପ୍ରବେଶ କରୁଛି । ୨୦ଟି ସ୍ଲୁଇସ୍ ଗେଟ ଦେଇ ଏହି ସମୟ ମଧ୍ୟରେ ୩ଲକ୍ଷ ୪୧ହଜାର ୮୩୪ଘନଫୁଟ ଜଳ ନିଷ୍କାସିତ ହେଉଛି ।

**ଆକାଶବାଣୀ କଟକ ସମ୍ବାଦ ବିଭାଗ ପାଇଁ ମୁଁ ସ୍ମୃତିରେଖା ତାରେଣିଆ...**

# ବନ୍ୟା ସମୀକ୍ଷା

କେନ୍ଦ୍ରାପଡା ଜିଲ୍ଲାରେ ସମ୍ଭାବ୍ୟ ବନ୍ୟା ପରିସ୍ଥିତିର ମୁକାବିଲା ପ୍ରସ୍ତୁତି ନେଇ ଜିଲ୍ଲାପାଳ ରଘୁରାମ ଆର୍. ଆୟାର ସମୀକ୍ଷା କରିଛନ୍ତି । ଆଳି ଏବଂ ପଟ୍ଟାମୁଣ୍ଡାଇ ବ୍ଲକ ଗସ୍ତ କରି ସ୍ଥିତି ଅନୁଧ୍ୟାନ କରିବା ସହିତ ସମ୍ପୃକ୍ତ ଅଧିକାରୀଙ୍କ ସହ ଆଲୋଚନା କରିଛନ୍ତି ।